# ନାଇଜର କ୍ୟାମ୍ପସରେ ଟାଟା ମେମୋରିଆଲ କ୍ୟାନ୍ସର ହସ୍ପିଟାଲ

# ମୁଖ୍ୟମନ୍ତ୍ରୀଙ୍କ କରକମଳରେ ହେଲା ଭୂମିପୂଜନ କାର୍ଯ୍ୟକ୍ରମ

॥ ପ୍ରଭାନ୍ୟୁଜ୍ ॥ ଜଟଣୀ, ୩।୧୦ : ଜଟଣୀ ଠାରେ ଅବସ୍ଥିତ ଜାତୀୟ ବିଜ୍ଞାନ ଶିକ୍ଷା ଓ ଗବେଷଣା ପ୍ରତିଷ୍ଠାନ (ନାଇଜର) ଠାରେ ୬୫୦ କୋଟି ଟଙ୍କା ବିନିଯୋଗରେ ନିର୍ମାଣ ହେବାକୁ ଥିବ ଟାଟା ମେମୋରିଆଲ କ୍ୟାନ୍ସର ହସ୍ପିଟାଲ ପାଇଁ ନାଇଜର କ୍ୟାମ୍ପସରେ ମଙ୍ଗଳବାର ଓଡ଼ିଶାର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ କରକମଳରେ ଭାରତ ସରକାରଙ୍କ ପରମାଣୁ ଶକ୍ତି ବିଭାଗ ଅଧିନରେ ଏକ ଅନୁଦାନ ପ୍ରାପ୍ତ ଅନୁଷ୍ଠାନ ଟାଟା ସ୍ମାରକ କେନ୍ଦ୍ର ଦ୍ୱାରା ପରିଚାଳିତ ହୋମି ଭାବା କ୍ୟାନସର ହସ୍ପିଟାଲ ଏବଂ ରିସର୍ଚ୍ଚ ସେଣ୍ଟରର ଭୂମିପୂଜନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କ୍ୟାନସର ହସ୍ପିଟାଲ




ଓ ରିସର୍ଚ୍ଚ ସେଣ୍ଟରରେ ଲୋକମାନଙ୍କୁ ମିଳିବ ଅତ୍ୟାଧୁନିକ ସୁବିଧା ସହ ଉଚ୍ଚମାନର ଚିକିତ୍ସା ସେବା। ୨୦୦ ଶଯ୍ୟା ବିଶିଷ୍ଟ ଅତ୍ୟାଧୁନିକ କ୍ୟାନସର ହସ୍ପିଟାଲ ୨୦୨୫ ଡିସେମ୍ବର ସୁଦ୍ଧା ସମ୍ପୂର୍ଣ୍ଣ ଭାବେ କାର୍ଯ୍ୟକ୍ଷମ ହେବା ପାଇଁ ଲକ୍ଷ୍ୟ ରଖାଯାଇଛି। ଏଠାରେ ରୋଗୀ ଚିକିତ୍ସା ସହ ରିସର୍ଚ୍ଚ ଏବଂ ଔଷଧ ନିର୍ମାଣ ମଧ୍ୟ ହେବାର ବ୍ୟବସ୍ଥା ରହିଛି ବୋଲି ଟାଟା ସ୍ମାରକ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଛି। ଭିତ୍ତିପ୍ରସ୍ତର ସ୍ଥାପନ କରି ମୁଖ୍ୟମନ୍ତ୍ରୀ କହିଛନ୍ତି, ଏହି ହସ୍ପିଟାଲ ସମ୍ପୂର୍ଣ୍ଣ ଭାବେ କାର୍ଯ୍ୟକ୍ଷମ ହେବାପରେ, ଓଡିଶାର ଲୋକମାନେ ଆଉ କ୍ୟାନସର ଚିକିତ୍ସା ପାଇଁ ମୁମ୍ବାଇ କିମ୍ବା ଅନ୍ୟ ବଡ଼ ସହରକୁ ଯିବାକୁ ପଡ଼ିବ ନାହିଁ। ଏଠାରେ କମ୍ ଖର୍ଚ୍ଚରେ ଉଚ୍ଚ ମାନର ଚିକିତ୍ସା ସୁବିଧା ପାଇପାରିବେ। ଏହି କାର୍ଯ୍ୟକ୍ରମରେ ସ୍ୱାସ୍ଥ୍ୟ ମନ୍ତ୍ରୀ ନିରଞ୍ଜନ ପୂଜାରୀ, ଜଟଣୀ ବିଧାୟକ ସୁରେଶ କୁମାର ରାଉତରାୟ, ଓଡିଶା ସରକାରଙ୍କ ସ୍ୱାସ୍ଥ୍ୟ ସଚିବ ଶାଳିନୀ ପଣ୍ଡିତ, ଟାଟା ଷ୍ଟିଲ ଫାଉଣ୍ଡେସନର ନିର୍ଦ୍ଦେଶକ ଚାଣକ୍ୟ ଚୌଧୁରୀ, ଟାଟା ସ୍ମାରକ କେନ୍ଦ୍ରର ନିର୍ଦ୍ଦେଶକ ପ୍ରଫେସର୍ ରାଜେନ୍ଦ୍ର ଅଚ୍ୟୁତ ବଡଓ୍ୱେ ପ୍ରମୁଖ ଉପସ୍ଥିତ ଥିବାବେଳେ ନାଇଜରର ନିର୍ଦ୍ଦେଶକ ପ୍ରଫେସର୍ ହିରେନ୍ଦ୍ର ନାଥ ଘୋଷ ଧନ୍ୟବାଦ ଅର୍ପଣ କରିଥିଲେ।

Article published in: Suryaprava, 04.10.2023, Page No. 7

SCAN ME